ସୂଚନା ଓ ଲୋକ ସଂପର୍କ ବିଭାଗ
Information & Public Relations Department
Government of Odisha, Bhubaneswar-751001
Phone : (91-674) 2536736 /2390818 (Fax)
e-mail: iprsec.or@nic.in

**News ID-IPR/COVID-19(OD)/ 1291/15-02-2021**

# ପ୍ରେସ୍ ବିବୃତି

**ଭୁବନେଶ୍ୱର :୧୫ ଫେବୃଆରୀ,୨୦୨୧**

- ମାନ୍ୟବର ମୁଖ୍ୟମନ୍ତ୍ରୀ ଶ୍ରୀଯୁକ୍ତ ନବୀନ ପଟ୍ଟନାୟକ  ଆଜି ଭିଡ଼ିଓ କନ୍‌ଫରେନ୍ସିଂ ଜରିଆରେ ପଶ୍ଚିମ ଓଡ଼ିଶା ବିକାଶ ପରିଷଦର କାର୍ଯ୍ୟକ୍ରମ ସମୀକ୍ଷା କରି ରାଜ୍ୟ ସରକାରଙ୍କ ପକ୍ଷରୁ ଦିଆଯାଉଥବବା ଅନୁଦାନକୁ ଦୁଇଗୁଣ କରିବାକୁ ନିର୍ଦ୍ଦେଶ ଦେଇଛନ୍ତି । ଏହା ଦ୍ୱାରା ପଶ୍ଚିମ ଓଡ଼ିଶା ବିକାଶ ପରିଷଦକୁ ୨୦୨୧-୨୨ ଆର୍ଥିକ ବର୍ଷରେ ସରକାରଙ୍କ ଅନୁଦାନ ୨୦୦ କୋଟି ଟଙ୍କାକୁ ବୃଦ୍ଧି ପାଇଛି । ମାନ୍ୟବର ମୁଖ୍ୟମନ୍ତ୍ରୀ ଯୁବକଯୁବତୀମାନଙ୍କ ପାଇଁ ଅଧିକ ନିଯୁକ୍ତି ସୁଯୋଗ ସୃଷ୍ଟି କରିବା ଉପରେ ଗୁରୁତ୍ୱାରୋପ କରିଛନ୍ତି ।

  - ମାନ୍ୟବର ମୁଖ୍ୟମନ୍ତ୍ରୀ ଉନ୍ନୟନମୂଳକ କାର୍ଯ୍ୟଗୁଡ଼ିକୁ ତ୍ୱରାନ୍ୱିତ କରିବା ଉଦ୍ଦେଶ୍ୟରେ ପଶ୍ଚିମ ଓଡ଼ିଶା ବିକାଶ ପରିଷଦ ଅଧୀନରେ ଆସୁଥିବା ୧୦ଟି ଜିଲ୍ଲା ଏବଂ ଆଠମଲ୍ଲିକ ଉପଖଣ୍ଡରେ ପରିଷଦର କାର୍ଯ୍ୟାଳୟ ଖୋଲିବାକୁ ପୁନଶ୍ଚ ନିର୍ଦ୍ଦେଶ ଦେଇଛନ୍ତି ।

  - ମୁଖ୍ୟ ଶାସନ ସଚିବ ଶ୍ରୀ ସୁରେଶ ଚନ୍ଦ୍ର ମହାପାତ୍ର, ପଶ୍ଚିମ ଓଡ଼ିଶା ବିକାଶ ପରିଷଦର ଅଧ୍ୟକ୍ଷ ଶ୍ରୀ ଅସିତ ତ୍ରିପାଠୀ, ଉନ୍ନୟନ କମିଶନର ଶ୍ରୀ ପ୍ରଦୀପ କୁମାର ଜେନା, ଖାଦ୍ୟ ଉତ୍ପାଦନ କମିଶନର ଶ୍ରୀ ରାଜକୁମାର ଶର୍ମା, ଅର୍ଥ ବିଭାଗ ପ୍ରମୁଖ ଶାସନ ସଚିବ ଶ୍ରୀ ଅଶୋକ କୁମାର ମୀନା ଏବଂ ମାନ୍ୟବର ମୁଖ୍ୟମନ୍ତ୍ରୀଙ୍କ ସଚିବ (୫-'ଟି') ଶ୍ରୀ ଭି.କେ. ପାଣ୍ଡିଆନ୍ ଏହି ସମୀକ୍ଷା ବୈଠକରେ ଉପସ୍ଥିତ ଥିଲେ ।

- ମାନ୍ୟବର ମୁଖ୍ୟମନ୍ତ୍ରୀ ବିଶିଷ୍ଟ ସାହିତ୍ୟିକ ରାମକୃଷ୍ଣ ନନ୍ଦଙ୍କ ଜୟନ୍ତୀରେ ଶ୍ରଦ୍ଧାଞ୍ଜଳି ଅର୍ପଣ କରିଛନ୍ତି । 'ଝୁମୁକା', 'ତୁଳସୀଦାସ', 'ବିଶ୍ୱ ପରିଚୟ' ଏବଂ 'ଆହେ ଦୟାମୟ ବିଶ୍ୱବିହାରୀ' ଭଳି ତାଙ୍କ କାଳଜୟୀ ରଚନାରେ ଓଡ଼ିଆ ସାହିତ୍ୟ ଋଦ୍ଧିମନ୍ତ ବୋଲି ବର୍ଣ୍ଣନା କରି ମାନ୍ୟବର ମୁଖ୍ୟମନ୍ତ୍ରୀ କହିଛନ୍ତି ଯେ ସାରସ୍ୱତ ସାଧକ ସହ ଆଦର୍ଶ ଶିକ୍ଷକ ଓ ସମାଜ ସଂସ୍କାରକ ଭାବେ ନିଜ ଅବଦାନ ପାଇଁ ସେ ଚିରସ୍ମରଣୀୟ ରହିବେ ।

- ମାନ୍ୟବର ମୁଖ୍ୟମନ୍ତ୍ରୀ ଓଡ଼ିଶାର କୃତୀ ସନ୍ତାନ, ଅବସରପ୍ରାପ୍ତ ମେଜର ଜେନେରାଲ ବସନ୍ତ କୁମାର ମହାପାତ୍ରଙ୍କ ବିୟୋଗରେ ଗଭୀର ଶୋକ ପ୍ରକାଶ କରିଛନ୍ତି । ମାନ୍ୟବର ମୁଖ୍ୟମନ୍ତ୍ରୀ କହିଛନ୍ତି ଯେ ଏହି ପ୍ରବୀଣ ଯୋଦ୍ଧା ଦେଶ ପାଇଁ ଅନେକ ପ୍ରମୁଖ ଯୁଦ୍ଧରେ ଲଢ଼ିଛନ୍ତି ଏବଂ ତାଙ୍କ ସାହସ, ଶିକ୍ଷା ପ୍ରତି ଅବଦାନ ଏବଂ ଜନକଲ୍ୟାଣମୂଳକ କାର୍ଯ୍ୟ ପାଇଁ ଚିରସ୍ମରଣୀୟ ରହିବେ ।

**'ମାସ୍କ ପିନ୍ଧନ୍ତୁ, ସୁରକ୍ଷିତ ରୁହନ୍ତୁ'**

**ସର୍ବଶେଷ ସ୍ୱାସ୍ଥ୍ୟ ସୂଚନା**

- ଗତକାଲି ମଧ୍ୟରାତ୍ରି ସୁଦ୍ଧା ଓଡ଼ିଶାରେ ୮୦,୪୩,୮୧୭ ଟି ନମୁନା କୋଭିଡ୍-୧୯ ପରୀକ୍ଷା କରାଯାଇଛି ।
- ବର୍ତ୍ତମାନ ସୁଦ୍ଧା ସମୁଦାୟ ୩,୩୬,୨୬୨ ଜଣ ପଜିଟିଭ୍ ଚିହ୍ନଟ ହୋଇଛନ୍ତି ।
- ୩,୩୩,୫୫୪ ଜଣ ରୋଗୀ ସଂପୂର୍ଣ୍ଣ ସୁସ୍ଥ ହୋଇଛନ୍ତି/ଡାକ୍ତରଖାନାରୁ ଫେରିଛନ୍ତି ।
- ୧୯୧୧ ଜଣ କୋଭିଡ୍-୧୯ ରୋଗୀଙ୍କର ମୃତ୍ୟୁ ହୋଇଛି ।
- ସକ୍ରିୟ ଥିବା ସଂକ୍ରମିତଙ୍କ ସଂଖ୍ୟା ୭୪୪ ରହିଛି ।
- ୭୪୪ ଜଣ ହସ୍‌ପିଟାଲ୍ ଆଇସୋଲେସନ୍‌ରେ ରହିଛନ୍ତି ।

ପଠାଣି ରାଉତ
ସୂଚନା ଅଧିକାରୀ

**'ମାସ୍କ ପିନ୍ଧନ୍ତୁ, ସୁରକ୍ଷିତ ରୁହନ୍ତୁ'**